# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1712 CUTTACK, THURSDAY, AUGUST 30, 2012/BHADRA 8, 1934**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 29 ଅଗଷ୍ଟ 2012

ସଂଖ୍ୟା 39193—ଏଲ୍.ଏ. (ସି)-60/2011-ଅନୁଗୋଳ-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଇଡ୍‌କୋ ଦ୍ୱାରା ଶିଳ୍ପ ପ୍ରତିଷ୍ଠା ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା ଧୋବାପାଳ, ଥାନା ସମଲ, ଜିଲ୍ଲା ଅନୁଗୋଳରେ ଭୂମି ଅର୍ଜ୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 2.070 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜ୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମ ଧାରା 6(1)ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜ୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 28758-ରାବିପ., ତା 6 ଜୁଲାଇ 2011ରିଖ ଏବଂ ରାଜପତ୍ର ସଂଖ୍ୟା 1663, ତା 18 ଜୁଲାଇ 2011ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍‌ସା, ଭୂ-ଅର୍ଜ୍ଜନ ଅଧିକାରୀ, ଅନୁଗୋଳ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**କୈଳାସ ଚନ୍ଦ୍ର ସାହୁ**

ଯୁଗ୍ମ ଶାସନ ସଚିବ


Printed and published by the Director, Printing, Stationery and Publication, Odisha, Cuttack-10
Ex. Gaz. 1159—193+20